ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# କ୍ୟାପିଟାଲ୍ ହସ୍ପିଟାଲ୍ ପରିସରରେ ଉଦ୍‌ଘାଟିତ ହେଲା ଜରାରୋଗୀ ୱାର୍ଡ

## ବାର୍ଦ୍ଧକ୍ୟଗ୍ରସ୍ତ ବରିଷ୍ଠ ନାଗରିକମାନେ ହେବେ ଉପକୃତ

ଭୁବନେଶ୍ୱର, ତା. ୧୯/୦୨/୨୦୨୦

ମୋ ସରକାର ଓ ୫'ଟି' କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟସେବାକୁ ପ୍ରାଥମିକତା ଦିଆଯାଉଥିବାବେଳେ ରାଜ୍ୟରେ ସ୍ୱାସ୍ଥ୍ୟସେବା ମାନକ କ୍ଷେତ୍ରରେ ଆଖିଦୃଶିଆ ପରିବର୍ତ୍ତନ ସମ୍ଭବ ହୋଇପାରିଛି । କ୍ୟାପିଟାଲ୍ ହସ୍ପିଟାଲ୍‌ର କାୟାକଳ୍ପରେ ବ୍ୟାପକ ସୁଧାର ଆସିଥିବାବେଳେ ଆଜି ହସ୍ପିଟାଲ୍ ପରିସରରେ ବୃଦ୍ଧବୃଦ୍ଧାମାନଙ୍କ କ୍ଷେତ୍ରରେ ବୟସାଧିକ କାରଣରୁ ଦେଖା ଦେଉଥିବା ରୋଗର ଚିକିତ୍ସା ପାଇଁ ଜରାରୋଗୀ ୱାର୍ଡ ବା ଜେରିଆଟ୍ରିକ୍ ୱାର୍ଡ ଉଦ୍‌ଘାଟିତ ହୋଇଯାଇଛି । ରାଜ୍ୟ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଶ୍ରୀ ନବ କିଶୋର ଦାସ ବିଭାଗୀୟ ପ୍ରମୁଖ ଶାସନ ସଚିବ ଶ୍ରୀ ନିକୁଞ୍ଜ କିଶୋର ଧଳଙ୍କ ଉପସ୍ଥିତିରେ ଜରାରୋଗୀ ୱାର୍ଡର ଉଦ୍‌ଘାଟନ କରିଥିଲେ । ଏଠାରେ ସୂଚନାଯୋଗ୍ୟ ଯେ ଏହି ୧୦ ଶଯ୍ୟା ବିଶିଷ୍ଟ ଜରାରୋଗୀ ୱାର୍ଡରେ ଉତ୍ତମ ମାନର ଚିକିତ୍ସାସେବା ଯୋଗାଇଦେବା ପାଇଁ ସମସ୍ତ ପ୍ରକାର ସୁବିଧା ରହିଛି । ଏହା ଦ୍ୱାରା ବାର୍ଦ୍ଧକ୍ୟଗ୍ରସ୍ତ ବରିଷ୍ଠ ନାଗରିକମାନେ ଗୁଣାତ୍ମକ ଚିକିତ୍ସାସେବା ପାଇପାରିବେ ବୋଲି ମନ୍ତ୍ରୀ ଶ୍ରୀ ଦାସ ପ୍ରକାଶ କରିଛନ୍ତି । ଏହି ଅବସରରେ କ୍ୟାପିଟାଲ୍ ହସ୍ପିଟାଲ୍‌ର ନିର୍ଦ୍ଦେଶକ ଡା. ଅଶୋକ କୁମାର ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ ।

ଅପରାହ୍ଣରେ ମନ୍ତ୍ରୀ ଶ୍ରୀ ଦାସ ପଟିଆସ୍ଥିତ ସହରାଞ୍ଚଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନରେ ଯାଇ ସ୍ୱାସ୍ଥ୍ୟସେବାର ସ୍ଥିତି ସଂପର୍କରେ ସମୀକ୍ଷା କରିଥିଲେ ଓ ସ୍ୱାସ୍ଥ୍ୟ କେନ୍ଦ୍ର ପରିସର ବୁଲି ଦେଖିବା ଅବସରରେ ଡାକ୍ତରଙ୍କ ସହ ରୋଗୀମାନଙ୍କ ସେବା ସଂପର୍କରେ ଆଲୋଚନା କରିଥିଲେ ଏବଂ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆସୁଥିବା ରୋଗୀମାନଙ୍କୁ କିପରି ଉପଯୁକ୍ତ ଚିକିତ୍ସା ସେବା ମିଳିପାରିବ ସେ ଦିଗରେ ଗୁରୁତ୍ୱାରୋପ କରିଥିଲେ । ପରେ ନହରକଣ୍ଟାଠାରେ ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରର ନବନିର୍ମିତ ବିଲ୍‌ଡିଂକୁ ଉଦ୍‌ଘାଟନ କରିଥିଲେ । ଏହିସବୁ କାର୍ଯ୍ୟକ୍ରମରେ ଭୁବନେଶ୍ୱର ଉତ୍ତର ବିଧାୟକ ଶ୍ରୀ ସୁଶାନ୍ତ କୁମାର ରାଉତ ଓ ସ୍ୱାସ୍ଥ୍ୟ ବିଭାଗର ବରିଷ୍ଠ ପଦାଧିକାରୀମାନେ ଉପସ୍ଥିତ ଥିଲେ ।

ବିଭୂତି ନାୟକ
ସୂଚନା ଅଧିକାରୀ